# ଆଜି ଅନୁଗୋଳ ଜିଲ୍ଲାରୁ ୪୫ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୬୯୫ରେ ପହଞ୍ଚିଲା - ସୁସ୍ଥ ହେଲେ ୨୫ ଜଣ ।

ଅନୁଗୋଳ, ତା.୦୯.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୪୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୫୫ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୩ ଜଣ ( ୮ଜଣ ପୁରୁଷ ଓ ୫ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୯ଜଣ ( ୫ଜଣ ପୁରୁଷ ଓ ୪ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୮ଜଣ ( ୮ଜଣ ପୁରୁଷ),ତାଳଚେର ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୪ଜଣ (୧ ଜଣ ପୁରୁଷ ଓ ୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ) , କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ସାମାଜିକ ଦୂରତା ଅବଲମ୍ବନ କରିବା ସହିତ ସଠିକ୍ ଭାବରେ ମାସ୍କ ପରିଧାନ କରିବା ପାଇଁ ଜିଲ୍ଲାପାଳ ଜିଲ୍ଲାବାସୀଂକୁ ଅନୁରୋଧ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୨୫ଜଣ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୪୪ ତା.୦୯.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ